ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୬୫ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୯୯୦୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୬୦ ଜଣ ।

ଅନୁଗୋଳ, ତା,୧୧.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୬୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ରାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୫୭ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ ୭ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୦ଜଣ (୫ ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୯ଜଣ ( ୪ଜଣ ପୁରୁଷ ଓ୫ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୯ ଜଣ (୮ ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ ( ୩ଜଣ ପୁରୁଷ ଓ୪ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ ( ୧ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୦ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୦ଜଣ କୋଭିଡ ହସପିଟାଲରୁ ,୩ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୪୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୩୯ ତା.୧୧.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

[signature] ୧୧/୧୧/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ